# ଗ୍ରାମୀଣ କୃଷି ମୌସମ ସେବା

ଆଞ୍ଚଳିକ ଗବେଷଣା ଓ ପ୍ରଯୁକ୍ତି ବିଦ୍ୟା ସଂପ୍ରସାରଣ କେନ୍ଦ୍ର
ରାଣୀତାଲ, ଭଦ୍ରକ, ଓଡ଼ିଶା-୭୫୬୧୧୧
(ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ)

ପତ୍ରିକା ସଂଖ୍ୟା-୧୦୨/୨୩

**ଜିଲ୍ଲା-ଯାଜପୁର** ତା.୨୨.୧୨.୨୦୨୩

**ପାଣିପାଗ ପୂର୍ବାନୁମାନ (ତା. ୨୭.୧୨.୨୦୨୩ ପର୍ଯ୍ୟନ୍ତ )-:** ପାଣିପାଗ ବିଭାଗର ପୂର୍ବାନୁମାନ ଅନୁଯାୟୀ , ଆସନ୍ତା ଦିନ ପର୍ଯ୍ୟନ୍ତ ଜିଲ୍ଲାରେ ଶୁଖିଲା ପାଗ ରହିବା ସହ ଆକାଶ ମେଘାଚ୍ଛନ୍ନ ରହିବାର ସମ୍ଭାବନା ଅଛି । ପବନର ବେଗ ଘଣ୍ଟା ପ୍ରତି ୦୫-୦୬ କିମି ମଧ୍ୟରେ ରହିବ। ଆସନ୍ତା ୫ ଦିନ ପର୍ଯ୍ୟନ୍ତ ସର୍ବୋଚ୍ଚ ତାପମାତ୍ରା ୨୮-୨୯ ଡିଗ୍ରୀ ସେଲସିୟସ ଏବଂ ସର୍ବନିମ୍ନ ତାପମାତ୍ରା ୧୩-୧୫ ଡିଗ୍ରୀ ସେଲସିୟସ ରହିବ।

## ପାଣିପାଗଭିତ୍ତିକ କୃଷି ଉପଦେଶ

### ଖରିଫ ଧାନ

❖ ଆସନ୍ତା ୫ ଦିନ ପର୍ଯ୍ୟନ୍ତ ଆକାଶ ପରିଷ୍କାର ଓ ପାଗ ଶୁଖିଲା ରହିବାର ସମ୍ଭାବନା ଥିବାରୁ ଅମଳ ଯନ୍ତ୍ର ବ୍ୟବହାରକରି ଧାନ କଟା ଶୀଘ୍ର ଶେଷ କରନ୍ତୁ ।

❖ ଚାଷୀମାନେ ପରିପକ୍ୱ ଧାନ ଅମଳ କରନ୍ତୁ ଏବଂ ଦିନ ସମୟରେ ସୂର୍ଯ୍ୟକିରଣରେ ରଖି ଏହାର ଆର୍ଦ୍ରତା କମ୍ କରନ୍ତୁ।

❖ ଅମଳ ପରେ ଧାନକୁ ଭଲଭାବେ ଖରାରେ ୩ ରୁ ୪ ଦିନ ଶୁଖାଇ ସାଇତି ରଖନ୍ତୁ । ବିହନ ପାଇଁ ୧୨% ଆଦ୍ରତା ଓ ଖାଇବା ଉପୋଯୋଗୀ ପାଇଁ ୧୪% ଆଦ୍ରତା ରହିବା ଆବଶ୍ୟକ ।

❖ ଖଳା ଏବଂ ସଂରକ୍ଷଣ ସ୍ଥାନକୁ ସ୍ୱଚ୍ଛ ଏବଂ ଜୀବାଣୁନାଶକ କରନ୍ତୁ।

### ସୋରିଷ

❖ ମାଟିର ଉପଯୁକ୍ତ ବତର ଥିବାରୁ ଏହାର ବିନିଯୋଗ କରି ସୋରିଷ ମଞ୍ଜି ବୁଣା ବୁଣି ଶୀଘ୍ର କରନ୍ତୁ ।

❖ ଉପଯୁକ୍ତ କିସମ

ତୋରିଆ: ସୁଶ୍ରୀ , ସୋରିଷ: ଏନ.ଆର.ସି.ଏଚ.ବି. ୧୦୧, ଜେ.ଡି. ୬

ବିହନ ପରିମାଣ: ୮-୧୦ କିଗ୍ରା / ହେକ୍ଟର

❖ ଧାଡି କୁ ଧାଡି ବ୍ୟବଧାନ: ୩୦ ସେ.ମି. x ୧୦ ସେ.ମି.

❖ ହେକ୍ଟର ପ୍ରତି ତୋରିଆ କିସମ ପାଇଁ ୬୦ କି.ଗ୍ରା. ଯବକ୍ଷାରଜାନ , ୩୦ କି.ଗ୍ରା. ଫସଫରସ ଓ ୩୦ କି.ଗ୍ରା. ପୋଟାସ ସାର ଓ ଅଧିକ ଦିନିଆ ସୋରିଷ କିସମ ପାଇଁ ୮୦ କି.ଗ୍ରା. ଯବକ୍ଷାରଜାନ , ୪୦ କି.ଗ୍ରା. ଫସଫରସ ଓ ୪୦ କି.ଗ୍ରା. ପୋଟାସ ସାର ପ୍ରୟୋଗ କରନ୍ତୁ। ଏହା ସହିତ ୪୦ କି.ଗ୍ରା. ସଲଫର, ୫ କି.ଗ୍ରା. ଜିଙ୍କ ଓ ୧ କି.ଗ୍ରା. ବୋରୋନ ପ୍ରୟୋଗ କରିବା ଆବଶ୍ୟକ।

❖ ମଞ୍ଜି ବୁଣିବାର ଦିନକ ପରେ ଏକର ପ୍ରତି ୧.୩ ଲିଟର ପେଣ୍ଡିମିଥାଲିନ ଘାସମରା ବିଷ ୩୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ ।

❖ ୧୫-୨୦ ଦିନ ବେଳକୁ ଅଧିକ ଗଛ ଅପଡି ପତଳା କରି ଦିଅନ୍ତୁ। ଗଛ ୨୦-୨୫ ଦିନର ହୋଇଗଲେ କୋଡାଖୋଷା କରି ଅନାବନା ଘାସ ବାଛି ୫୦% ଯବକ୍ଷାରଜାନ ପ୍ରୟୋଗ କରନ୍ତୁ ।

### ବିରି

❖ ଖାଲୁଆ ଅଞ୍ଚଳରେ ସ୍ଥାନୀୟ କିସମର ବିରିର ଛଟାବୁଣା କାମକୁ ସହଜ କରିଦିଅନ୍ତୁ।

❖ ବିହନ ବୁଣିବାର ୭ ଦିନ ପୂର୍ବରୁ ଏକ କିଗ୍ରା ମଞ୍ଜି ରେ ୨ ଗ୍ରାମ କାରବେନଡାଜିମ ଫିମ୍ପିନାଶକ କିମ୍ବା ୩ ଗ୍ରାମ (କାରବୋକ୍ସିନ + ଥିରାମ) ମିଶାଇ ବିହନ ବିଶୋଧନ କରନ୍ତୁ ।

❖ ବିହନ ବୁଣିବା ଦିନ ପ୍ରତି କିଗ୍ରା ବିହନରେ , ୨୦ ଗ୍ରାମ ରାଇଜୋବିୟମ ଜୀବାଣୁ କଲଚର ସହିତ ଗୋଳାଇ ଛାଇରେ ଶୁଖାଇ ଜମିରେ ବୁଣନ୍ତୁ।

**ପନିପରିବା**

❖ ଯଦି ଝାଉଁଳା ରୋଗ ଦେଖାଯାଏ , ତେବେ ମାଟିକୁ ସୂର୍ଯ୍ୟକିରଣରେ ଉନ୍ମୁକ୍ତ କରନ୍ତୁ ଏବଂ ଟେବୁକୋନାଜୋଲ @200 ମିଲି ସହିତ ପ୍ଲାଣ୍ଟୋମାଇସିନ 200 ଗ୍ରାମ ପ୍ରତି ଏକରରେ ସିଞ୍ଚନ କରନ୍ତୁ।

❖ ପନିପରିବା ନର୍ସରୀ ଏବଂଜମିରେ ଥିବା ଧଳା ମାଛି, ପତ୍ରପୋଡା, ପତ୍ରଉଙ୍କୁଣି ଏବଂ ଜଉ ପୋକଙ୍କ ନିୟନ୍ତ୍ରଣ ପାଇଁ ଥାୟମେଥୋକଜାମ ୦.୪ ଗ୍ରାମ/ଲିଟର ପାଣି ପ୍ରତି ସିଞ୍ଚନ କରନ୍ତୁ।

❖ ବାଇଗଣ ଓ ଟମାଟୋ ଫସଲରେ ଝାଉଂଳା କିମ୍ବା ଆଂଶିକ ଝାଉଂଳା ରୋଗ ଦେଖାଗଲେ ଆକ୍ରାନ୍ତ ଗଛ କୁ ଓପାଡି ଦିଅନ୍ତୁ ଓ ଗଛ ମୂଳରେ ନିମ୍ବ କିମ୍ବା କରଞ୍ଜ ପିଡିଆ ପ୍ରୟୋଗ କରନ୍ତୁ । ପ୍ରତି ଲିଟର ପାଣିରେ ୧ ମି.ଲି. କବକ ନାଶକ ଟେବୁକୋନାଜୋଲ କୁ ମିଶାଇ ଗଛ ମୂଳ ଓ ପତ୍ରକୁ ସିଂଚନ କରନ୍ତୁ ।

❖ ଟମାଟ,ବାଇଗଣ,ଲଙ୍କା ଫସଲରେ ଚାରା ରୋପଣ ପୂର୍ବରୁ ଲିଟର ପାଣି ପ୍ରତି ୨ଗ୍ରାମ (ମେଟାଲାକସିଲ + ମାଙ୍କୋଜେବ) ସହ ୧ ଗ୍ରାମ ପ୍ଲାଣ୍ଟୋମାଇସିନ ମିଶାଇ ତଳି ବିଶୋଧନ କରନ୍ତୁ।

**ଫଳ - 1.ନଡିଆ-**

❖ ଲାଲ୍ ତାଳପୋକ ଏବଂ ଗଣ୍ଡା ଭୃଙ୍ଗର କାର୍ଯ୍ୟକଳାପ ଉପରେ ନଜର ରଖ। ଗଣ୍ଡା ଭୃଙ୍ଗର ବିକାଶଶୀଳ ଅବସ୍ଥାକୁ ମାରିବା ପାଇଁ ନିକଟସ୍ଥ ଖତ ଗର୍ତ୍ତରେ ଲାମ୍ବଡା ସାଇହାଲୋଥ୍ରିନ ୧.୨ ମିଲି/ଲିଟର ପାଣି ସିଞ୍ଚନ କରନ୍ତୁ।

❖ ପତ୍ରପୋଡା ରୋଗ ଦେଖା ହେଲେ ୧ ଲିଟର ପାଣି ପ୍ରତି ୨ ଗ୍ରାମ (ମେଟାଲାକସିଲ + ମାଙ୍କୋଜେବ ) ମିଶାଇ ପତ୍ର ସିଞ୍ଚନ କରନ୍ତୁ।

**2.କଦଳୀ-**

❖ ସିଗାଟୋକା ଲିଫ ସ୍ପଟ ରୋଗର ପ୍ରକୋପକୁ କମ୍ କରିବା ପାଇଁ (କାରବେଣ୍ଡାଜିମ + ମ୍ୟାଙ୍କୋଜେବ) ୨ଗ୍ରାମ/ଲିଟର ପାଣି ରେ ମିଶାଇ ପ୍ରୟୋଗ କରନ୍ତୁ ।

**ମାଛ ଚାଷ**

➢ ପୋଖରୀରୁ ଅନାବନା ଘାସ , ଶିକାରୀ ଓ ଅଦରକାରୀ ଚୂନା ମାଛ ନଷ୍ଟ କରି ଏକର ପ୍ରତି ୧୦୦କି.ଗ୍ରା. ଚୂନ ପ୍ରୟୋଗ କରନ୍ତୁ।

**ପଶୁପାଳନ**

ପଶୁମାନଙ୍କୁ ନିୟମିତ ଭାବେ ଲୁଣ ସହିତ ଖଣିଜ ମିଶ୍ରଣ ଦିଆଯିବା ଉଚିତ ଏବଂ ପଶୁମାନଙ୍କର ଶକ୍ତି ଆବଶ୍ୟକତାକୁ ପୂରଣ କରିବା ପାଇଁ ଶୀତଋତୁରେ ଦୈନିକ ରାସନରେ ଗହମ ଶସ୍ୟ, ଗୁଡ଼ ଇତ୍ୟାଦି 10%-20% ପ୍ରଦାନ କରନ୍ତୁ।

ଚାଷରେ ଅଧିକ ଲାଭବାନ ହେବା ପାଇଁ ଓୟୁଏଟି କଳିଙ୍ଗ ଉତ୍ପାଦ (ଚାରା , QPM, ଟିସୁ କଲଚର ଗଛ , ଫଳ ଓ ପନିପରିବା, ଯାଅଁଳ , କୁକୁଡା ଚିଆଁ , ଛତୁ , ଛତୁ ମଞ୍ଜି , ଜୈବିକ ସାର , ଜୈବିକ କୀଟନାଶକ , ଜିଆ ଖତ , କୃଷି ଯନ୍ତ୍ରପାତି ଇତ୍ୟାଦି ) ବ୍ୟବହାର କରନ୍ତୁ ।

ଭାରତୀୟ ପାଣିପାଗ ବିଭାଗର ପୂର୍ବନୁମାନ ଓ ପାଣିପାଗ ଭିତିକ କୃଷି ସୂଚନା ନିମନ୍ତେ ଅଧିକ ବିବରଣୀ ପାଇଁ MEGHDOOT ମୋବାଇଲ ଆପ ବ୍ୟବହାର କରନ୍ତୁ ।

(Android:https://play.google.com/store/apps/details?id=com.aas.meghdoot)(iOS: https://apps.apple.com/in/app/meghdoot/id1474048155)